ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 897/19-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୯ ଡିସେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ରାଜ୍ୟର ଛାତ୍ରଛାତ୍ରୀଙ୍କ ହିତକୁ ଅଗ୍ରାଧିକାର ଦେଇ ଜେଇଇ ପରୀକ୍ଷା ଓଡ଼ିଆ ଭାଷାରେ କରାଇବାକୁ ରାଜ୍ୟ ସରକାର କରିଥିବା ଅନୁରୋଧରେ ଜାତୀୟ ପରୀକ୍ଷା ସଂସ୍ଥାର ମହାନିର୍ଦ୍ଦେଶକ ସହମତି ପ୍ରକାଶ କରିଥିବାରୁ ଖୁସି ବ୍ୟକ୍ତ କରିଛନ୍ତି । ସେ କହିଛନ୍ତି ଯେ ଚଳିତ ବର୍ଷଠାରୁ ଜେଇଇ ପରୀକ୍ଷା ପ୍ରଶ୍ନପତ୍ର ବିଭିନ୍ନ ଭାରତୀୟ ଭାଷା ସମେତ ଓଡ଼ିଆ ଭାଷାରେ ମଧ୍ୟ ଉପଲବ୍ଧ ହେବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଅତ୍ୟାଧୁନିକ ବୈଷୟିକ ଜ୍ଞାନକୌଶଳ ବ୍ୟବହାରରେ ସଡ଼କ ସୁରକ୍ଷାକୁ କଡ଼ାକଡ଼ି କରିବା ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଯୋଜନା ପ୍ରସ୍ତୁତ ହୋଇଛି । ରାସ୍ତାରେ ସ୍ପିଡ୍ ଲିମିଟ୍ ଟୁଲ୍ ଏବଂ ଗାଡ଼ିରେ ଜିପିଏସ୍ ଲଗାଯିବା ପରି ବ୍ୟାପକ ବ୍ୟବସ୍ଥା ପାଇଁ ୩୭ କୋଟିର ୩ଟି ପ୍ରକଳ୍ପକୁ ମଞ୍ଜୁରୀ ପ୍ରଦାନ କରାଯାଇଛି ବୋଲି ସେ ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟରେ ମିଲେଟ୍ ମିଶନ୍‌କୁ ବ୍ୟାପକ କରିବା ପାଇଁ ପ୍ରଥମ ସରକାରୀ ମିଲେଟ୍ ପ୍ରୋସେସିଂ ୟୁନିଟ୍ ସ୍ଥାପନ କରିବାକୁ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି । ସେ ପୁଣି କହିଛନ୍ତି ଯେ ପ୍ରଥମ ପର୍ଯ୍ୟାୟରେ ଏହା ଖୋର୍ଦ୍ଧାରେ ସ୍ଥାପନ କରାଯାଉଥିବାବେଳେ ପର୍ଯ୍ୟାୟକ୍ରମେ ବିଭିନ୍ନ ଜିଲ୍ଲାରେ ୟୁନିଟ୍ ସ୍ଥାପନ ହେବ ବୋଲି ଯୋଜନା ପ୍ରସ୍ତୁତ ହୋଇଛି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୧୮ ରୁ ୧୯ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୧୪ ଜଣ ବ୍ୟକ୍ତିଙ୍କୁ ଗିରଫ, ୬୮୮ ଟି ଗାଡ଼ି ଜବତ ଏବଂ ୨୧,୨୬,୯୦୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୫,୬୯,୨୭୯ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୫,୮୬୧ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୦,୯୪୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ୧୮୩୨ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୦୨୯ ରହିଛି ।
- ୩,୦୨୯ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’